ପ୍ରେସ୍ ନୋଟ୍

## ଲୋକାର୍ପଣ ହେଲା ନୂତନ ସଭାଘର ।

## ଜିଲ୍ଲା ଖଣିଜ ପାଣ୍ଠିରୁ ଖର୍ଚ୍ଚ ହୋଇଛି ୮ କୋଟି ଟଙ୍କା ।

ଅନୁଗୋଳ,ତା. ୨୭.୦୪:- ବହୁ ପ୍ରତିକ୍ଷିତ ସଭାଘର ଆଜି ଆନୁଷ୍ଠାନିକ ଭାବେ ଅନୁଗୋଳ ବିଧାୟକ ତଥା ଓଡିଶା ବିଧାନ ସଭାର ଉପବାଚସ୍ପତି ଶ୍ରୀ ରଜନୀକାନ୍ତ ସିଂହଙ୍କ ଦ୍ଵାରା ଜନସାଧାରଣଙ୍କ ଉଦ୍ଦେଶ୍ୟରେ ଲୋକାର୍ପଣ ହୋଇଯାଇଛି । ପ୍ରକାଶଥାଉକି, ଏହି ସଭାଗୃହ ଜିଲ୍ଲା ଖଣିଜ ପାଣ୍ଠିରୁ ୮ କୋଟି ଟଙ୍କା ବ୍ୟୟରେ ନିର୍ମାଣ ହୋଇ ଗତ ୨୦୨୧ ନଭେମ୍ବର ମାସ ୨୦ ତାରିଖରେ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକ ଅନୁଗୋଳ ଜିଲ୍ଲା ଗସ୍ତରେ ଆସି ଏହାକୁ ଉଦଘାଟନ କରିଥିଲେ । ୩ ମହଲା ବିଶିଷ୍ଟ ଏହି ନୂତନ ସଭାଘରରେ ଅଡିଟୋରିୟମ, ବୈଠକ ପାଇଁ ଗୃହ, ବିଭିନ୍ନ କାର୍ଯ୍ୟକ୍ରମ ପରିବେଷଣ ନିମନ୍ତେ ମଞ୍ଚ ଓ ଦର୍ଶକ ଗ୍ୟାଲେରି ରହିଛି । ଏହି କାର୍ଯ୍ୟକ୍ରମରେ ଢେଙ୍କାନାଳ ସାଂସଦ ଶ୍ରୀ ମହେଶ ସାହୁ,ତାଳଚେର ବିଧାୟକ ଶ୍ରୀ ବ୍ରଜ କିଶୋର ପ୍ରଧାନ,ପାଲଲହଡା ବିଧାୟକ ଶ୍ରୀ ମୁକେଶ କୁମାର ପାଲ, ଆଠମଲ୍ଲିକ ବିଧାୟକ ଶ୍ରୀ ରମେଶ ଚନ୍ଦ୍ର ସାଏ, ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ, ଅତିରିକ୍ତ ଜିଲ୍ଲାପାଳ(ସାଧାରଣ) ଶ୍ରୀ ରଜନୀକାନ୍ତ ସ୍ଵାଇଁ ,ଅତିରିକ୍ତ ଜିଲ୍ଲାପାଳ (ରାଜସ୍ଵ) ଶ୍ରୀ ସନ୍ତୋଷ କୁମାର ପ୍ରଧାନ, ଅନୁଗୋଳ ଉପଜିଲ୍ଲାପାଳ ଶ୍ରୀ ବାସୁଦେବ ଶତପଥି, ପୂର୍ତ୍ତ ବିଭାଗର ଅଧିକ୍ଷଣ ଯନ୍ତ୍ରୀ ଶ୍ରୀ ସୁଧାଂଶୁ ରଞ୍ଜନ ନାୟକଙ୍କ ସମେତ ଜିଲ୍ଲା ସ୍ତରୀୟ ଅଧିକାରୀ,ବିଶିଷ୍ଟ ବ୍ୟକ୍ତି ଓ ବୁଦ୍ଧିଜିବୀ ମାନେ ଉପସ୍ଥିତ ଥିଲେ ।




ସଭାଘର, ଅନୁଗୋଳ